# ବିଜ୍ଞାପିତ ଅଞ୍ଚଳ ପରିଷଦ,ପୋଲସରା

Email ID – nacpolasara72@gmail.com Ph. No. - 06810 – 282235

ସଂଖ୍ୟା: ୧୨୪୧ ତା: ୨୦/୦୭/୨୦୨୩

## ଅଭିବ୍ୟକ୍ତି ପ୍ରକାଶନ

ଏତଦ୍ ଦ୍ୱାରା ବିଜ୍ଞାପିତ ଅଞ୍ଚଳ ପରିଷଦ, ପୋଲସରା ର ସମସ୍ତ ୧୯ ଗୋଟି ୱାର୍ଡର ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନଙ୍କ ଅବଗତି ନିମନ୍ତେ ଜଣାଇଦିଆଯାଉଅଛି ଯେ, ମୁକ୍ତା ଯୋଜନା ମାଧ୍ୟମରେଆର୍ଥିକ ବର୍ଷ ୨୦୨୩-୨୪ ନିମନ୍ତେ ୱାର୍ଡ ମାନଙ୍କରେ ହେବାକୁ ଥିବା ବିଭିନ୍ନ ଉନ୍ନତି ମୂଳକ କାର୍ଯ୍ୟ ଗୁଡ଼ିକର ନିର୍ମାଣନିମନ୍ତେ କାର୍ଯ୍ୟକାରୀ ସଂସ୍ଥା ଓ କାର୍ଯ୍ୟକାରୀ ସହଯୋଗୀ ଭାବେ ଚୟନ କରିବା ପାଇ ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦାସଂଗଠନମାନଙ୍କ ଠାରୁ ଦରଖାସ୍ତ ଆହ୍ୱାନ କରୁଅଛି। ଏଣୁ, ଏଥି ନିମନ୍ତେ ଆଗ୍ରହୀ ମିଶନ ଶକ୍ତି ଗୋଷ୍ଠୀ/ ବସ୍ତି ବାସିନ୍ଦାସଂଗଠନ ମାନେ ଆବଶ୍ୟକୀୟ କାଗଜପତ୍ର /ଦସ୍ତାବିଜ ସହ **ତା ୩୧.୦୭.୨୦୨୩ ରିଖ ଅପରାହ୍ନ ୫ ଟା** ସୁଦ୍ଧା କେବଳ ସ୍ପୀଡ ପୋଷ୍ଟ/ରେଜିଷ୍ଟ୍ରି ପୋଷ୍ଟ କିମ୍ବା କୋରିୟର ଦ୍ୱାରା ଆବେଦନ କରିପାରିବେ। ଧାର୍ଯ୍ୟ ସମୟ ପରେ କୌଣସି ଆବେଦନ ପତ୍ର ଗ୍ରହଣ କରାଯିବ ନାହିଁ ଏବଂ ଆସନ୍ତା **ତା ୦୧.୦୮.୨୦୨୩ ରିଖ ୧୧.00** ଘଟିକା ସମୟରେ ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନ କିମ୍ବା ସେମାନଙ୍କ ପ୍ରତିନିଧିଙ୍କ ଉପସ୍ଥିତିରେ ନିମ୍ନ ସ୍ୱାକ୍ଷ୍ୟରକାରୀଙ୍କ କାର୍ଯ୍ୟାଳୟ ରେ ଖୋଲାଯିବା ପାଇଁ ସ୍ଥିର କରାଯାଇଅଛି। ଆଗ୍ରହୀ ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦାସଂଗଠନ ଏହି ଅଭିବ୍ୟକ୍ତି ପ୍ରକାଶନ ସହ ଜଡିତ ଆବେଦନ ପତ୍ର ୱେବସାଇଟ https://www.polasaranac.in/ ରୁ ମଧ୍ୟ ଡାଉନଲୋଡ କରିପାରିବେ। ଲଫାଫା ର ଉପରେ "ମୁକ୍ତା ଯୋଜନା ଦ୍ୱାରା ସହର ରୂପାନ୍ତରିକରଣ -୨୦୨୩" ଲେଖାଥିବା ଆବଶ୍ୟକ । ଅଧିକ ଜାଣିବା ପାଇଁ ବିଜ୍ଞାପିତ ଅଞ୍ଚଳ ପରିଷଦ କାର୍ଯ୍ୟାଳୟ,ପୋଲସରା ସହ ଯୋଗାଯୋଗ କରି ପାରନ୍ତି।

Sd/- 20/7/23

**Executive Officer**
**N.A.C., Polasara (Gm.)**

**<u>ବିଶେଷ ଦ୍ରଷ୍ଟବ୍ୟ</u>**

୧ -ଯେଉଁ ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ପୋଲସରା ବିଜ୍ଞାପିତ ଅଞ୍ଚଳ ପରିଷଦ ଦ୍ୱାରା କୌଣସି କାର୍ଯ୍ୟ କିମ୍ବା ମୁକ୍ତା ଯୋଜନାର କୌଣସି କାର୍ଯ୍ୟରେ ସମ୍ପୃକ୍ତ ହୋଇନଥିବେ ସେହି ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀକୁ ଅଗ୍ରାଧିକାର ଦିଆଯିବ ।

୨ - ଯେଉଁ ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ପୋଲସରା ବିଜ୍ଞାପିତ ଅଞ୍ଚଳ ପରିଷଦର କାର୍ଯ୍ୟ ଯଥା -(ଆହାର,FSTP ,MCC, MRF, ଚୁଡା ଛତୁଆ ଇତ୍ୟାଦିରେ ) ସମ୍ପୃକ୍ତ ହୋଇଥିବେ, ସେହି ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆବେଦନ କରିପାରିବେ ନାହିଁ ।

**<u>ମିଶନ ଶକ୍ତି ଗୋଷ୍ଠୀର ଯୋଗ୍ୟତା ପରିମାପକ ମାନଦଣ୍ଡ</u>**

୧ - ଆବେଦନ କରୁଥିବା ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ସମ୍ପୃକ୍ତ ୱାର୍ଡର ହୋଇଥିବେ ।

୨ - ପଞ୍ଚ ସୂତ୍ର ନିୟମକୁ ଅନୁପାଳନ କରୁଥିବେ ( ନିୟମିତ ବୈଠକ, ନିୟମିତ ସଞ୍ଚୟ, ନିୟମିତ ଗୋଷ୍ଠୀ ମଧ୍ୟରେ ଋଣ କାରବାର,ନିୟମିତ ପରିଶୋଧ, ନିୟମିତ ହିସାବ ରଖିବା ଇତ୍ୟାଦି) ।

୩ - ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀର ପରମାନେଣ୍ଟ ଏକାଉଣ୍ଟ (ପାନ ନମ୍ବର ) ଥିବ ।

୪ - ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀର ସକ୍ରିୟ ଜମାଖାତା ଥିବ ।

୫ -କୌଣସି ଆର୍ଥିକ ଅନିୟମିତତା ଯଥା ଋଣ, ଏନ. ପି. ଏ କିମ୍ବା ୱାନ ଟାଇମ ସେଟେଲମେଣ୍ଟ ଘୋଷିତ ହୋଇନଥିବ ।

୬ - ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆର୍ଥିକ ବର୍ଷରେ ୪୦ ଲକ୍ଷରୁ ଅଧିକ କାର୍ଯ୍ୟ କରିନଥିବେ ।

୭ -ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆର୍ଥିକ ବର୍ଷରେ ୨.୫ ଲକ୍ଷରୁ ଅଧିକ ତଦାରଖ ରାଶି ଯଦି ପାଇଥିବେ ସେସରକାରଙ୍କ ଆୟକର ଦେୟ କରିଥିବେ ।

୮ -ମିଶନ ଶକ୍ତି ଗୋଷ୍ଠୀର ପଞ୍ଜିକରଣ ଅଭିବ୍ୟକ୍ତି ପ୍ରକାଶନର ତାରିଖ ପୂର୍ବରୁ ଏକ ବର୍ଷ ହୋଇଥିବ ।

20/07/23

ନିର୍ବାହୀ ଅଧିକାରୀ

for ବିଜ୍ଞାପିତ ଅଞ୍ଚଳ ପରିଷଦ , ପୋଲସରା

# ମୁଖ୍ୟମନ୍ତ୍ରୀ କର୍ମ ତତ୍ପର ଅଭିଯାନ (ମୁକ୍ତା)

## ମୁକ୍ତା ଯୋଜନାରେ ନିର୍ମାଣ କାର୍ଯ୍ୟ ପାଇଁ ଆବେଦନ ପତ୍ର

**ପ୍ରକଳ୍ପ ନାମ :** ____________________________, ତାରିଖ : ........../ ....... / ..................

୧. ମିଶନ ଶକ୍ତି ଗୋଷ୍ଠୀ / ବସ୍ତି ବାସିନ୍ଦା ସଙ୍ଘର ନାମ –

୨. ଗୋଷ୍ଠୀ/ସଙ୍ଘର ସଭାପତି ଏବଂ ସମ୍ପାଦିକାଙ୍କ ମୋବାଇଲ ନମ୍ବର :............................/.........................

୩. ଗୋଷ୍ଠୀ/ସଙ୍ଘର ଠିକଣା (ୱାର୍ଡ ନମ୍ବର ସହିତ)-

୪. ସମ୍ପୃକ୍ତ ସଦସ୍ୟା/ସଦସ୍ୟଙ୍କ ସଂଖ୍ୟା :

୫. ଗୋଷ୍ଠୀ/ସଙ୍ଘର ପଞ୍ଜିକରଣ ନମ୍ବର:

୬. ସଞ୍ଚୟ ଖାତା ନମ୍ବର :

୭. ବ୍ୟାଙ୍କ ଓ ଶାଖା ର ନାମ :

୮. IFSC କୋଡ୍:

୯. ଗୋଷ୍ଠୀ/ସଙ୍ଘର PAN କାର୍ଡ ନମ୍ବର:

୧୦. ସଞ୍ଚୟ ଖାତାରେ ଥିବା ବଳକା ରାଶିର ପରିମାଣ :

୧୧. ପଞ୍ଚସୂତ୍ର ନିୟମାବଳୀ ଅନୁସରଣ କରୁଛନ୍ତି କି ? ...........

୧୨. ଚଳିତ ବର୍ଷ ପାଇଥିବା କାର୍ଯ୍ୟର ସମୁଦାୟ ଆର୍ଥିକ ମୂଲ୍ୟ ............

୧୩. ଚଳିତ ବର୍ଷ ମୁକ୍ତା ଯୋଜନାରେ ପାଇଥିବା ସମୁଦାୟ କାର୍ଯ୍ୟର ବିବରଣୀ (କାର୍ଯ୍ୟର ନାମ ଏବଂ ଏହାର ଆର୍ଥିକ ମୂଲ୍ୟ )

**ଦସ୍ତଖତ (ସଭାପତି/ସଭାନେତ୍ରୀ )**

**ଦସ୍ତଖତ(ସମ୍ପାଦିକା/ ସମ୍ପାଦକ)**

**ଦରଖାସ୍ତ ସହିତ ପ୍ରମାଣ ପତ୍ର –**

୧. Resolution ଖାତାର ପ୍ରଥମ ଓ ଶେଷ ପୃଷ୍ଠାର ନକଲ

୨. ବ୍ୟାଙ୍କ ଖାତାର ପ୍ରଥମ ଓ ଶେଷ ପୃଷ୍ଠାର ନକଲ

୩. କ୍ୟାଶ ବୁକ୍‌ର ନକଲ

୪. ID (ଆଧାର) ନକଲ

୫. PAN କାର୍ଡ ର ନକଲ

୬. ପୂର୍ବରୁ ପାଇଥିବା କାର୍ଯ୍ୟାଦେଶର ପ୍ରମାଣ ପତ୍ର

**ନିର୍ବାହୀ ଅଧିକାରୀ**

**ପ୍ରକଳ୍ପ ସଂଯୋଜକ (ମୁକ୍ତା)**

